ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/S&ME(OD)/105/21-04-2021

# ଦଶମ ଶ୍ରେଣୀ ବୋର୍ଡ ପରୀକ୍ଷା ଏବଂ ରାଜ୍ୟ ମଦ୍ରାସା ବୋର୍ଡ ଦ୍ୱାରା ପରିଚାଳିତ ପରୀକ୍ଷା ବାତିଲ

ଭୁବନେଶ୍ୱର, ୨୧.୦୪.୨୦୨୧

ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶମତେ କୋଭିଡ୍-୧୯ ମହାମାରୀର ଅତ୍ୟଧିକ ସଂକ୍ରମଣକୁ ଦୃଷ୍ଟିରେ ରଖି ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ସମସ୍ତ ଅଂଶୀଦାରମାନଙ୍କ ସହ ପୁଙ୍ଖାନୁପୁଙ୍ଖ ଆଲୋଚନା କରାଯାଇ ଚଳିତ ବର୍ଷ ମଇ ୩ ତାରିଖରେ ହେବାକୁ ଥିବା ମାଧ୍ୟମିକ ଶିକ୍ଷା ବୋର୍ଡ ଦ୍ୱାରା ପରିଚାଳିତ ଦଶମ ଶ୍ରେଣୀ ପରୀକ୍ଷା ଏବଂ ମଇ ୧୮ ତାରିଖରେ ହେବାକୁ ଥିବା ଓଡ଼ିଶା ରାଜ୍ୟ ମଦ୍ରାସା ଶିକ୍ଷା ବୋର୍ଡ ଦ୍ୱାରା ପରିଚାଳିତ ପରୀକ୍ଷାଗୁଡ଼ିକୁ ବାତିଲ କରାଯାଇଛି ।

ଏହି ବୋର୍ଡମାନଙ୍କ ଦ୍ୱାରା ନିର୍ଦ୍ଧାରିତ ପଦ୍ଧତି ଅନୁଯାୟୀ ଛାତ୍ରଛାତ୍ରୀମାନଙ୍କର ପରୀକ୍ଷା ଫଳ ପ୍ରକାଶନ କରାଯିବ । ଏହି ପରୀକ୍ଷା ଫଳରେ ଯେଉଁ ଛାତ୍ରଛାତ୍ରୀମାନେ ଅସମ୍ମତି ପ୍ରକାଶ କରିବେ ସେମାନଙ୍କୁ ପରବର୍ତ୍ତୀ ପର୍ଯ୍ୟାୟରେ କୋଭିଡ୍ ମହାମାରୀ ସଂକ୍ରମଣ ପ୍ରଶମିତ ହେଲେ ବୋର୍ଡମାନଙ୍କ ଦ୍ୱାରା ନିର୍ଦ୍ଧାରିତ ଦିବସରେ ପରୀକ୍ଷା ଦେବାର ସୁଯୋଗ ଦିଆଯିବ ବୋଲି ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ଶ୍ରୀ ସମୀର ରଞ୍ଜନ ଦାଶ ପ୍ରକାଶ କରିଛନ୍ତି ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ